ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

# ଅନୁସୂଚିତ ଜନଜାତି ଓ ଅନୁସୂଚିତ ଜାତି ଉନ୍ନୟନ ବିଭାଗର ପ୍ରମୁଖ ଶାସନ ସଚିବ ରଞ୍ଜନା ଚୋପ୍ରାଙ୍କ ଅଧ୍ୟକ୍ଷତାରେ ୫ 'ଟି' ବୈଠକ

ଭୁବନେଶ୍ୱର, ୨୪/୦୮/୨୦୧୯

ରାଜ୍ୟରେ ଏକ ଉତ୍ତରଦାୟୀ, କାର୍ଯ୍ୟକ୍ଷମ, ସ୍ୱଚ୍ଛ, ସକ୍ରିୟ ପ୍ରଶାସନ ଦେବା ପାଇଁ ମୁଖ୍ୟମନ୍ତ୍ରୀ ଶ୍ରୀ ନବୀନ ପଟ୍ଟନାୟକ ୫ 'ଟି'ର ଆହ୍ୱାନ ଦେଇଛନ୍ତି । ଟିମ୍ ୱାର୍କ (ଗୋଷ୍ଠୀଗତ ପରିଚାଳନା), ଟେକ୍ନୋଲୋଜି (ବୈଷୟିକ ବିଦ୍ୟା), ଟ୍ରାନ୍ସପାରେନ୍ସି (ସ୍ୱଚ୍ଛତା), ସମୟାନୁବର୍ତ୍ତିତା (ଟାଇମ୍) ଓ ପରିବର୍ତ୍ତନ (ଟ୍ରାନ୍ସଫର୍ମେସନ୍)କୁ ମୂଳମନ୍ତ୍ର ରୂପେ ପ୍ରତ୍ୟେକ ବିଭାଗର ସମସ୍ତ କାର୍ଯ୍ୟକ୍ରମରେ ପ୍ରୟୋଗ କରାଯାଉଛି । ତଦନୁଯାୟୀ ବିଭିନ୍ନ ଫଳପ୍ରସୂ ଓ ଲୋକାଭିମୁଖୀ କାର୍ଯ୍ୟକ୍ରମ ହାତକୁ ନିଆଯାଉଛି ।

ଆଜି ଲୋକସେବା ଭବନରେ ଅନୁସୂଚିତ ଜନଜାତି ଓ ଅନୁସୂଚିତ ଜାତି ଉନ୍ନୟନ ବିଭାଗର ସମ୍ମିଳନୀ କକ୍ଷରେ ୫ 'ଟି'ର କାର୍ଯ୍ୟକାରିତା ନିମନ୍ତେ ମାନସମନ୍ଥନ କରାଯାଇଥିଲା । ବିଭାଗୀୟ ପ୍ରମୁଖ ଶାସନ ସଚିବ ରଞ୍ଜନା ଚୋପ୍ରାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ଅନୁସୂଚିତ ଜନଜାତି ଓ ଅନୁସୂଚିତ ଜାତି ଉନ୍ନୟନ ବିଭାଗ ପକ୍ଷରୁ ଅନୁସୂଚିତ ଜନଜାତି ଓ ଅନୁସୂଚିତ ଜାତି ବର୍ଗର କଲ୍ୟାଣ ନିମନ୍ତେ କାର୍ଯ୍ୟକାରୀ କରାଯାଉଥିବା ବିଭିନ୍ନ କାର୍ଯ୍ୟକ୍ରମକୁ ଅଧିକ ଲୋକାଭିମୁଖୀ କରିବାର ଆବଶ୍ୟକତା ଉପରେ ଗୁରୁତ୍ୱ ଆରୋପ କରାଯାଇଥିଲା । ବିଭିନ୍ନ କ୍ଷେତ୍ରକୁ ଚିହ୍ନଟ କରାଯାଇ ସେଥି ନିମନ୍ତେ ଏକ ସୁପରିକଳ୍ପିତ ଯୋଜନା ପ୍ରସ୍ତୁତ କରିବା ପାଇଁ ଏହି ବୈଠକରେ ଆଲୋଚନା ହୋଇଥିଲା । ବିଭାଗୀୟ ଆବାସିକ ବିଦ୍ୟାଳୟରେ ଗୁଣାତ୍ମକ ଶିକ୍ଷାର ବିକାଶ, ପ୍ରତିଯୋଗିତାମୂଳକ ପରୀକ୍ଷା ନିମନ୍ତେ କୋଚିଂର ବ୍ୟବସ୍ଥା, କୌଶଳ ବୃଦ୍ଧି ତଥା ଜୀବନଜୀବିକା ନିମନ୍ତେ ଥିବା ବିଭିନ୍ନ କାର୍ଯ୍ୟକ୍ରମକୁ ଅଧିକ ବ୍ୟାପକ କରିବା ନିମନ୍ତେ ବିଭାଗୀୟ ଅଧିକାରୀମାନଙ୍କ ନିକଟରୁ ପ୍ରସ୍ତାବ ଆହ୍ୱାନ କରାଯାଇଥିଲା । ଏହି ପରିପ୍ରେକ୍ଷୀରେ ଅନୁସୂଚିତ ଜନଜାତି ଓ ଅନୁସୂଚିତ ଜାତି ବର୍ଗର କଲ୍ୟାଣ ନିମନ୍ତେ ରାଜ୍ୟ ସରକାରଙ୍କ ବିଭିନ୍ନ ଯୋଜନାକୁ ଅଧିକ ଉପାଦେୟ କରିବା ପାଇଁ ଏକ ଦୀର୍ଘମିଆଦୀ ଯୋଜନା ପ୍ରସ୍ତୁତ କରାଯିବ ବୋଲି ଶ୍ରୀମତୀ ଚୋପ୍ରା କହିଥିଲେ ।

ଏହି ୫ 'ଟି' ବୈଠକରେ ବିଭାଗୀୟ ନିର୍ଦ୍ଦେଶକ( ଅନୁସୂଚିତ ଜନଜାତି) ସଚିନ୍ ରାମଚନ୍ଦ୍ର ଯାଦବଙ୍କ ସମେତ ବିଭାଗର ଉଚ୍ଚପଦସ୍ଥ ଅଧିକାରୀ ଏବଂ ୯ଟି ଜିଲ୍ଲା ମାଲକାନଗିରି, ରାୟଗଡ଼ା, କୋରାପୁଟ, ମୟୂରଭଞ୍ଜ, କନ୍ଧମାଳ, କେଉଁଝର, ଖୋର୍ଦ୍ଧା, ନବରଙ୍ଗପୁର ଓ ସୁନ୍ଦରଗଡ଼ର ସମନ୍ୱିତ ଜନଜାତି ଉନ୍ନୟନ ସଂସ୍ଥାର ପ୍ରକଳ୍ପ ପ୍ରଶାସକ ଓ ଜିଲ୍ଲା ମଙ୍ଗଳ ଅଧିକାରୀ ଯୋଗଦାନ କରିଥିଲେ । ଜିଲ୍ଲାଗୁଡ଼ିକରେ କାର୍ଯ୍ୟକାରୀ ହେଉଥିବା ବିଭିନ୍ନ ଯୋଜନା ସଂପର୍କରେ ଏହି ବୈଠକରେ ବିସ୍ତୃତ ଆଲୋଚନା କରାଯାଇଥିଲା ।

ଡ. ଜ୍ୟୋତିର୍ମୟୀ ସାମନ୍ତରାୟ
ସୂଚନା ଅଧିକାରୀ